# 'ପୂର୍ବାଞ୍ଚଳୀୟ ଭାଷାରେ ସୃଷ୍ଟି ହୋଇଛି ଅଗଣିତ କାଳଜୟୀ ସାରସ୍ୱତ କୃତି'

ଭୁବନେଶ୍ୱର, ୨୩।୭(ନି.ପ୍ର): ଓଡ଼ିଆ, ବଙ୍ଗଳା, ଅହମିଆ, ସାନ୍ତାଳୀ, ବୋଡ଼ୋ, ମଣିପୁରୀ, ନେପାଳୀ, ମୈଥିଳି ଆଦି ପୂର୍ବାଞ୍ଚଳୀୟ ଭାଷାରେ ସୃଷ୍ଟି ହୋଇଛି ଅଗଣିତ କାଳଜୟୀ ସାରସ୍ୱତ କୃତି। ଗଦ୍ୟ, ପଦ୍ୟ, ନାଟକ ତଥା ସମାଲୋଚନା କ୍ଷେତ୍ରରେ ଏସବୁ ଭାଷାର ସାମୂହିକ ଅବଦାନ ଭାରତୀୟ ସାହିତ୍ୟ ଭଣ୍ଡାରକୁ ସମୃଦ୍ଧ କରିଛି ବୋଲି ମତପ୍ରକାଶ ପାଇଛି।

କେନ୍ଦ୍ର ସାହିତ୍ୟ ଅକାଦେମି ଏବଂ ଓଡ଼ିଶା ସାହିତ୍ୟ ଏକାଡେମୀ ମିଳିତ ସହଯୋଗରେ ସଂସ୍କୃତି ଭବନରେ ଆୟୋଜିତ ଦ୍ୱିଦିବସୀୟ ପୂର୍ବାଞ୍ଚଳୀୟ ଲେଖକ ସମ୍ମିଳନୀ ଉଦ୍‌ଯାପିତ ହୋଇଯାଇଛି। ପ୍ରଥମ ଅଧିବେଶନରେ ସଭାପତିତ୍ୱ କରିଥିଲେ ସାହିତ୍ୟ ଅକାଦେମିର ସାଧାରଣ ପରିଷଦ ସଦସ୍ୟ ପ୍ରଫେସର ବିଜୟ କୁମାର ଶତପଥୀ। ଏହି ଅଧିବେଶନରେ ପୂର୍ବାଞ୍ଚଳୀୟ ଭାଷାର ସାହିତ୍ୟରେ ସାମ୍ପ୍ରତିକ ଧାରା ଶୀର୍ଷକରେ ଆଲୋଚନା କରିଥିଲେ ପ୍ରଫେସର ସତ୍ୟକାମ ବରଠାକୁର, ଡ. ସ୍ୱାତୀ ଗୁହ ଏବଂ ଡ. ଅସିତ ମହାନ୍ତି। ପରବର୍ତ୍ତୀ ଅଧିବେଶନରେ ସାହିତ୍ୟ ଅକାଦେମିର ସାନ୍ତାଳୀ ପରାମର୍ଶମଣ୍ଡଳୀର ଆବାହକ ଚୈତନ୍ୟ ପ୍ରସାଦ ମାଝୀଙ୍କ ସଭାପତିତ୍ୱରେ କ୍ଷୁଦ୍ରଗଳ୍ପ ପାଠ କରିଥିଲେ ସୋରଖାଇବାମ ଦେବେନ୍ଦ୍ର ମୈତେଇ, ଚିରଶ୍ରୀ ଇନ୍ଦ୍ରସିଂ ଏବଂ କାଳିଚରଣ ହେମ୍ବ୍ରମ। ଶେଷ ଅଧିବେଶନରେ କବି ଡ. ଆଶୁତୋଷ ପରିଡ଼ାଙ୍କ ସଭାପତିତ୍ୱରେ କବିତା ପାଠ କରିଥିଲେ ଥାନେଶ୍ୱର ଗୋୟାରି, କ୍ଷେତ୍ରିମାୟୁମ ରାଜେନ ସିଂହ, ମିଳନ ଥୁଲୁଙ୍ଗ ରାଇ, ପବିତ୍ର ମୋହନ ଦାଶ ଏବଂ ରକ୍ଷକ ନାୟକ। ସମସ୍ତ ଲେଖକଙ୍କୁ ସାହିତ୍ୟ ଅକାଦେମିର ପୂର୍ବାଞ୍ଚଳୀୟ ଉପଦେଷ୍ଟା ପରିଷଦର ଆବାହକ ଡ. ଗୌରହରି ଦାସ ଏବଂ ଓଡ଼ିଶା ସାହିତ୍ୟ ଏକାଡେମୀର ସଚିବ ଡ. ଚନ୍ଦ୍ରଶେଖର ହୋତା ସମ୍ବର୍ଦ୍ଧିତ କରିଥିଲେ। ଧନ୍ୟବାଦ ଅର୍ପଣ କରିଥିଲେ ସାହିତ୍ୟ ଅକାଦେମି କଲକାତା କାର୍ଯ୍ୟାଳୟର ଭାରପ୍ରାପ୍ତ ଅଧିକାରୀ କ୍ଷେତ୍ରବାସୀ ନାଏକ।